# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**15 February - 2025**

**News Editor : Itishree Singh Rathaur**

**********************************

## ମୁଖ୍ୟ ସମ୍ବାଦ

- ବିଧାନସଭାରେ ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଧନ୍ୟବାଦ ପ୍ରସ୍ତାବ ଆଲୋଚନା

– ଚାଷୀ ପ୍ରସଙ୍ଗ ଏବଂ ଆଇନଶୃଙ୍ଖଳା ପରିସ୍ଥିତି ନେଇ ଗୃହରେ ବିରୋଧୀ ସଦସ୍ୟଙ୍କ ହଟ୍ଟଗୋଳ

- ପୁରୀ ଶ୍ରୀମନ୍ଦିର ରତ୍ନଭଣ୍ଡାର ଅଳଙ୍କାରର ତଥ୍ୟ ସାର୍ବଜନୀନ ହେବ; ଗୃହରେ ସୂଚନା ଦେଲେ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ

- ରାସନ କାର୍ଡ ହିତାଧିକାରୀଙ୍କ ପାଇଁ ଇ-କେୱାଇସି ଅବଧି ଆସନ୍ତା ମାର୍ଚ୍ଚ ୩୧ ତାରିଖ ପର୍ଯ୍ୟନ୍ତ ବୃଦ୍ଧି

- ଆରମ୍ଭ ହେଲା ସିବିଏସ୍‌ଇ ଦଶମ ଓ ଦ୍ୱାଦଶ ଶ୍ରେଣୀ ପରୀକ୍ଷା

ଏବଂ

- ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଆଜି ଆରମ୍ଭ ହେବ ଏଫ୍.ଆଇ.ଚ୍. ପ୍ରୋ ହକି ଲିଗ୍

# ବିଧାନସଭା-୩

ସପ୍ତଦଶ ବିଧାନସଭା ବଜେଟ୍ ଅଧିବେଶନର ଆଜି ତୃତୀୟ ଦିନରେ ଗୃହ ଆରମ୍ଭ ହେବା ମାତ୍ରକେ ଚାଷୀ ପ୍ରସଙ୍ଗ ଓ ରାଜ୍ୟରେ ଆଇନ ଶୃଙ୍ଖଳା ପରିସ୍ଥିତି ନେଇ ବିରୋଧୀ ସଦସ୍ୟଙ୍କ ହଟ୍ଟଗୋଳ ଯୋଗୁଁ ବାଚସ୍ପତି ସୁରମା ପାଢ଼ି ଗୃହକୁ  ମଧ୍ୟାହ୍ନ ୧୨ଟା ପର୍ଯ୍ୟନ୍ତ ମୁଲତବୀ ଘୋଷଣା କରିଥିଲେ। ମଧ୍ୟାହ୍ନ ୧୨ଟାରେ ଗୃହକାର୍ଯ୍ୟ ଆରମ୍ଭ ହେବାପରେ ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଧନ୍ୟବାଦ ପ୍ରସ୍ତାବ  ଆଲୋଚନା ଆରମ୍ଭ ହୋଇଛି। ବାଚସ୍ପତି ଗୃହକୁ ଅପରାହ୍ନ ସାଢ଼େ ୪ଟା ପର୍ଯ୍ୟନ୍ତ ମୁଲତବୀ ଘୋଷଣା କରିଛନ୍ତି। ଅଧିବେଶନର ଦ୍ୱିତୀୟାର୍ଦ୍ଧରେ ଧନ୍ୟବାଦ ପ୍ରସ୍ତାବ ଉପରେ ଆଲୋଚନା ଜାରି ରହିବ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି।

ଆଜି ପ୍ରଶ୍ନକାଳ ଆରମ୍ଭ ହେବା ପରେ ବିଜେଡି ବିଧାୟକମାନେ ଚାଷୀଙ୍କ ପ୍ରସଙ୍ଗକୁ ନେଇ ହୋହାଲ୍ଲା କରିଥିଲେ। ପରେ କଂଗ୍ରେସ ସଦସ୍ୟମାନେ ଆଇନଶୃଙ୍ଖଳା ପରିସ୍ଥିତି ନେଇ ପ୍ରବଳ ହଟ୍ଟଗୋଳ କରିବାରୁ ବାଚସ୍ପତି ଗୃହକୁ ମୁଲତବୀ ରଖିଥିଲେ। ଏହି ସମୟରେ ବିଜେଡି ବିଧାୟକମାନେ ରାଜଭବନ ଯାଇ ରାଜ୍ୟପାଳଙ୍କୁ ଚାଷୀଙ୍କ ପ୍ରସଙ୍ଗକୁ ନେଇ ଦାବିପତ୍ର ପ୍ରଦାନ କରିଥିଲେ।

ଅଧିବେଶନର ଦ୍ୱିତୀୟାର୍ଦ୍ଧରେ ପୁଣିଥରେ ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଧନ୍ୟବାଦ ପ୍ରସ୍ତାବ ଆଲୋଚନା ଜାରି ରହିବ।

*BBSR/R*

## ବିଧାନସଭା-୪

ପୁରୀ ଶ୍ରୀମନ୍ଦିର ରତ୍ନଭଣ୍ଡାର ଅଳଙ୍କାରର ସମସ୍ତ ତଥ୍ୟ ଖୁବ୍‌ଶୀଘ୍ର ସାର୍ବଜନୀନ କରାଯିବା ନେଇ ବିଧାନସଭାରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି। ଶ୍ରୀମନ୍ଦିରର ଭିତର ମରାମତି କାର୍ଯ୍ୟ ଜାରି ରହିଥିବାରୁ ରତ୍ନଭଣ୍ଡାରର ଅଳଙ୍କାର ଗଣତି ହୋଇପାରିନାହିଁ। ତେବେ ମରାମତି କାର୍ଯ୍ୟ ଶେଷ ହବା ପରେ ଅଳଙ୍କାରର ସମସ୍ତ ତଥ୍ୟ ଦିଆଯିବ ବୋଲି ମନ୍ତ୍ରୀ କହିଛନ୍ତି।

*BBSR/R*

## ବିଧାନସଭା-୧

ରାଜ୍ୟରେ ଗତ ୬ ବର୍ଷ ମଧ୍ୟରେ ୮ ହଜାର ୧୫୯ଟି ବାଲ୍ୟବିବାହ ହୋଇଛି ବୋଲି ବିଧାନସଭାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି। ଏକ ପ୍ରଶ୍ନର ଲିଖିତ ଉତ୍ତରରେ ଶ୍ରୀମତୀ ପରିଡ଼ା କହିଛନ୍ତି, ନବରଙ୍ଗପୁରରେ ସର୍ବାଧିକ ୧ହଜାର ୩୪୭ଟି ବାଲ୍ୟବିବାହ ହୋଇଛି। ସେହିଭଳି ଗଞ୍ଜାମରେ ୯୬୬ ଏବଂ କୋରାପୁଟରେ ୬୩୬ଟି ବାଲ୍ୟବିବାହ ହୋଇଛି। ଗତ ୬ ବର୍ଷ ମଧ୍ୟରେ ୩୨୮ ଜଣ ଶିଶୁ ଶ୍ରମିକ ଉଦ୍ଧାର ହୋଇଛନ୍ତି ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି।

**BBSR/R**

## ବିଧାନସଭା-୫

ରାଜ୍ୟ ସରକାର ଗତକାଲି ସୁଦ୍ଧା ୬୦ ଲକ୍ଷ ମେଟ୍ରିକ ଟନ୍ ଧାନ କିଣି ସାରିଲେଣି । ଗତ ବର୍ଷ ତୁଳନାରେ ଅଧିକ ଦୁଇ ଲକ୍ଷ ମେଟ୍ରିକ ଟନ୍ ଧାନକିଣା ଯାଇଛି ବୋଲି ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର କହିଛନ୍ତି । ସରକାର ୭୭ ଲକ୍ଷ ମେଟ୍ରିକ ଟନ୍ ଧାନ କିଣିବାକୁ ଲକ୍ଷ୍ୟ ରଖିଛନ୍ତି । ଏହା ଆସନ୍ତା ମାର୍ଚ୍ଚ ମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ । ପ୍ରାୟ ୧୨ ଲକ୍ଷ ଚାଷୀ ଏ ପର୍ଯ୍ୟନ୍ତ ଇନପୁଟ୍ ସବ୍‌ସିଡି ପାଇସାରିଥିବା ବେଳେ ଧାନ ବିକ୍ରି କରିବାର ୪୮ ଘଣ୍ଟା ମଧ୍ୟରେ ଅର୍ଥ ପ୍ରଦାନ କରାଯାଉଛି । ଯେଉଁ ସବୁ ସ୍ଥାନରୁ କଟନୀ ଛଟନୀ ନେଇ ଅଭିଯୋଗ ଆସୁଛି ଯୋଗାଣ ବିଭାଗ ପକ୍ଷରୁ ତୁରନ୍ତ ପଦକ୍ଷେପ ନିଆଯାଉଛି ବୋଲି ମନ୍ତ୍ରୀ କହିଛନ୍ତି ।

**Desk**

## ଇ-କେୱାଇସି ବୃଦ୍ଧି

ରାଜ୍ୟରେ ରାସନକାର୍ଡ ହିତାଧିକାରୀଙ୍କ ପାଇଁ ଇ-କେୱାଇସି ଅବଧିକୁ ଆସନ୍ତା ମାର୍ଚ୍ଚ ମାସ ୩୧ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି ବୋଲି ଖାଉଟି କଲ୍ୟାଣ ଓ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ସୂଚନା ଦେଇଛନ୍ତି । ନେଟ୍‌ୱର୍କ ସମସ୍ୟା ଯୋଗୁଁ କେତେକ ସ୍ଥାନରେ ଇ-କେୱାଇସି କରାଯାଇପାରୁନାହିଁ । ଏ ପର୍ଯ୍ୟନ୍ତ ୨ କୋଟି ୯୯ ଲକ୍ଷ ୮ ହଜାର ୪୫୭ ଜଣ ହିତାଧିକାରୀ ନିଜର ଇ-କେୱାଇସି ଅପଡେଟ୍ କରିସାରିଲେଣି । ଆହୁରି ୩୩ ଲକ୍ଷ

ହିତାଧିକାରୀ ବାକି ଅଛନ୍ତି । ସରକାରଙ୍କ ପକ୍ଷରୁ ସମସ୍ୟାର ସମାଧାନ ପାଇଁ ଟୋଲ୍ ଫ୍ରି ନମ୍ବର- ୧୯୬୭ ଜାରି କରାଯାଇଛି । ଏ ସମ୍ପର୍କରେ ବିଭାଗୀୟ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି...

**- V/O –**

***BBSR/R***

## ବିଧାନସଭା-୨

ରାଜ୍ୟରେ ୨୧ହଜାର ୪୮୬ଟି ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଗୃହ ନଥିବା ବିଧାନସଭାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି । ଏକ ପ୍ରଶ୍ନର ଲିଖିତ ଉତ୍ତରରେ ଶ୍ରୀମତୀ ପରିଡ଼ା କହିଛନ୍ତି, ୩୧ ହଜାର ୪୫୬ଟି ଅଙ୍ଗନବାଡ଼ି କେନ୍ଦ୍ରରେ ବିଦ୍ୟୁତ ସଂଯୋଗ ନ ଥିବା ବେଳେ ୪୭ ହଜାର ୭୩୭ଟି ଅଙ୍ଗନବାଡ଼ି କେନ୍ଦ୍ରରେ ପାଚେରୀ ନାହିଁ । ତେବେ ରାଜ୍ୟ ସରକାର ଅଙ୍ଗନବାଡ଼ି କେନ୍ଦ୍ର ଗୁଡ଼ିକର ବିକାଶ ଦିଗରେ କାର୍ଯ୍ୟ କରୁଛନ୍ତି ବୋଲି ଶ୍ରୀମତୀ ପରିଡ଼ା କହିଛନ୍ତି ।

***Desk***

## ସି.ବି.ଏସ୍.ଇ. ପରୀକ୍ଷା

କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ପରିଷଦ - ସି.ବି.ଏସ୍.ଇ.ଦ୍ୱାରା ପରିଚାଳିତ ଦଶମ ଏବଂ ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଆଜିଠାରୁ ଆରମ୍ଭ ହୋଇଛି । ଦଶମ ଶ୍ରେଣୀ ପରୀକ୍ଷା ମାର୍ଚ୍ଚ ୧୮ ତାରିଖ ପର୍ଯ୍ୟନ୍ତ ଚାଲିବ । ସେହିଭଳି ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଏପ୍ରିଲ୍ ୪ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ । ଚଳିତ ବର୍ଷ

ଦେଶରେ ପ୍ରାୟ ୪୨ ଲକ୍ଷ ଛାତ୍ରଛାତ୍ରୀ ସି.ବି.ଏସ୍.ଇ. ଦଶମ ଓ ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଦେଉଛନ୍ତି । ଦଶମ ଶ୍ରେଣୀର ଆଜି ପ୍ରଥମ ଦିନରେ ଇଂରାଜୀ ପରୀକ୍ଷା ଅନୁଷ୍ଠିତ ହୋଇଥିଲା। ସେହିଭଳି ଦ୍ୱାଦଶ ଶ୍ରେଣୀ ପରୀକ୍ଷାର୍ଥୀମାନେ ଏଣ୍ଟରପ୍ରିନ୍ୟୋରସିପ୍ ପରୀକ୍ଷା ବିଷୟରେ ପରୀକ୍ଷା ଦେଇଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସିବିଏସ୍ଇ ପରୀକ୍ଷାର୍ଥୀଙ୍କୁ ସାମାଜିକ ଗଣମାଧ୍ୟମ ଜରିଆରେ ଶୁଭେଚ୍ଛା ଜଣାଇଛନ୍ତି।

***Desk***

## ଶିଶୁଭବନ - ବହିର୍ବିଭାଗ

କଟକ ସ୍ଥିତ ସର୍ଦ୍ଦାର ବଲ୍ଲଭଭାଇ ପଟେଲ୍ ସ୍ନାତକୋତ୍ତର ଶିଶୁ ଚିକିତ୍ସା ପ୍ରତିଷ୍ଠାନର ନୂତନ କୋଠାର ବହିର୍ବିଭାଗ ଆଜିଠାରୁ କାର୍ଯ୍ୟକ୍ଷମ ହୋଇଛି। ପ୍ରତ୍ୟେକ ଦିନ ସକାଳ ୯ଟାରୁ ସନ୍ଧ୍ୟା ୫ଟା ପର୍ଯ୍ୟନ୍ତ ମେଡିସିନ୍ ଓ ସର୍ଜରୀ ବିଭାଗର ବହିର୍ବିଭାଗ କାର୍ଯ୍ୟ କରିବା ନେଇ ଶିଶୁଭବନ ଅଧୀକ୍ଷକ ପ୍ରଫେସର ଡାକ୍ତର ପ୍ରଭାକର ମିଶ୍ର ସୂଚନା ଦେଇଛନ୍ତି । ଏ ନେଇ ଆୟୋଜିତ ଜରୁରୀକାଳୀନ ବୈଠକରେ ଶିଶୁଭବନର ପୁରୁଣା କୋଠାରେ ପୂର୍ବଭଳି ସାଧାରଣ ରୋଗୀସେବା ଯୋଗାଇ ଦିଆଯିବ ବୋଲି ଡାକ୍ତର ମିଶ୍ର କହିଛନ୍ତି ।

ସୂଚନା ଅନୁସାରେ, ଶିଶୁ ଭବନ ପରିସରରେ ରୋଗୀଙ୍କୁ ଉନ୍ନତମାନର ଚିକିତ୍ସା ଯୋଗାଇ ଦେବା ପାଇଁ ଏକ ଅତ୍ୟାଧୁନିକ କୋଠା ନିର୍ମାଣ କରାଯାଇଛି।

***Desk***

## କାଶ୍ମିରୀ ଯୁବ ବିନିମୟ କାର୍ଯ୍ୟକ୍ରମ

କେନ୍ଦ୍ର ସରକାରଙ୍କ ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ଏବଂ କଟକ ଜିଲ୍ଲା ପ୍ରଶାସନର ମିଳିତ ସହଯୋଗରେ ପଞ୍ଚମ କାଶ୍ମିରୀ ଯୁବ ବିନିମୟ କାର୍ଯ୍ୟକ୍ରମ କଟକର ନେତାଜୀ ବସ୍ ଟର୍ମିନାଲ୍ ପରିସରରେ ଆଜି ସନ୍ଧ୍ୟାରେ ଆରମ୍ଭ ହେବ। ଏହା ୨୦ ତାରିଖ ପର୍ଯ୍ୟନ୍ତ ଚାଲିବ। ଗୋଟିଏ ସ୍ଥାନର ଯୁବବର୍ଗ ଭିନ୍ନ ଏକ ସ୍ଥାନର ସାଂସ୍କୃତିକ, ଧାର୍ମିକ, ଶିକ୍ଷା, ସ୍ୱାସ୍ଥ୍ୟ ଓ ପର୍ଯ୍ୟଟନ ଆଦି ସମ୍ପର୍କରେ ଜାଣିବା ଉଦ୍ଦେଶ୍ୟରେ ଏହି ଯୁବ ବିନିମୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ । ଚଳିତ ଥର କାର୍ଯ୍ୟକ୍ରମରେ କାଶ୍ମିର ଉପତ୍ୟକାର ୬ଟି ଜିଲ୍ଲାର ପ୍ରାୟ ୧୩୨ ଜଣ କାର୍ଯ୍ୟକ୍ରମରେ ଯୋଗଦେବେ । ସେମାନେ କଟକ ଏବଂ ଭୁବନେଶ୍ୱରର ବିଭିନ୍ନ ପର୍ଯ୍ୟଟନସ୍ଥଳୀ ପରିଦର୍ଶନ କରିବେ ବୋଲି ନେହେରୁ ଯୁବକେନ୍ଦ୍ରର ଜିଲ୍ଲା ଅଧିକାରୀ ବିପିନ କୁମାର ସୂଚନା ଦେଇଛନ୍ତି ।

## ମନ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୩ ତାରିଖ ରବିବାର ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

***BHK***

## କୃଷକ ସଚେତନତା ଶିବିର

ଭଦ୍ରକ ଜିଲ୍ଲା ରାଣୀତାଲ କୃଷି ବିଜ୍ଞାନ କେନ୍ଦ୍ର ଓ ଜିଲ୍ଲା କୃଷି ବିଭାଗ ପକ୍ଷରୁ ଚାନ୍ଦବାଲିଠାରେ କୃଷକ ସଚେତନତା ଶିବିର ଓ ମତ୍ସ୍ୟଜୀବୀ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମତ୍ସ୍ୟଜୀବୀଙ୍କୁ ମାଛ

ଚାଷର ବିକାଶ ପାଇଁ ଗଠନମୂଳକ ପଦକ୍ଷେପ ନେବା ସହ ଅର୍ଥନୈତିକ ଅଭିବୃଦ୍ଧି ଦିଗରେ ପରାମର୍ଶ ଦିଆଯାଇଥିଲା ।

*Nabarangpur*

## ମାଘମଣ୍ଡେଇ ଯାତ୍ରା

ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ା ସଦରରେ ମାଘମଣ୍ଡେଇ ଯାତ୍ରା ଅନୁଷ୍ଠିତ ହୋଇଯାଇଛି । ତିନିଦିନ ଧରି ଆୟୋଜିତ ହୋଇଥିବା ଏହି ଯାତ୍ରାରେ ପାରମ୍ପରିକ ରୀତିନୀତି ଅନୁସାରେ ପୂଜା କରାଯିବା ସହ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

*Desk*

## ଏଫ୍.ଆଇ.ଏଚ୍. ପ୍ରୋ ହକି

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଆଜିଠାରୁ ଏଫ୍.ଆଇ.ଏଚ୍. ପ୍ରୋ ହକି ଲିଗ୍ ଆରମ୍ଭ ହେଉଛି । ଆଜି ପ୍ରଥମ ଦିନରେ ମହିଳା ବର୍ଗରେ ଅପରାହ୍ଣ ୩ଟାରେ ଜର୍ମାନୀ ଓ ସ୍ପେନ୍ ମଧ୍ୟରେ ଏବଂ ସନ୍ଧ୍ୟା ୫ଟା ୧୫ ମିନିଟ୍‌ରେ ଭାରତ ଓ ଇଂଲଣ୍ଡ ମଧ୍ୟରେ ମୁକାବିଲା ହେବ । ସେହିଭଳି ପୁରୁଷ ବର୍ଗରେ ସନ୍ଧ୍ୟା ସାଢ଼େ ୭ଟାରେ ଭାରତ ଓ ସ୍ପେନ୍ ମଧ୍ୟରେ ମ୍ୟାଚ୍ ଖେଳାଯିବ । ପ୍ରୋ-ଲିଗ୍‌ର ବିଜେତା ଦଳ ୨୦୨୬ ବିଶ୍ୱକପ୍ ପାଇଁ ଯୋଗ୍ୟତା ଅର୍ଜନ କରିବେ ବୋଲି ଜଣାପଡ଼ିଛି ।

*IPR*

## ଜାତୀୟ କ୍ରୀଡ଼ା ପ୍ରତିଯୋଗିତା

ଉତ୍ତରାଖଣ୍ଡରେ ଅନୁଷ୍ଠିତ ୩୮ତମ ଜାତୀୟ କ୍ରୀଡ଼ା ପ୍ରତିଯୋଗିତା ଗତକାଲି ଉଦ୍‌ଯାପିତ ହୋଇଛି । ଏଥିରେ ଓଡ଼ିଶାର ଖେଳାଳିମାନେ ୧୪ଟି ସ୍ୱର୍ଣ୍ଣ, ୧୫ଟି ରୌପ୍ୟ ଏବଂ ୧୭ଟି କାଂସ୍ୟ ପଦକ ସହ ମୋଟ୍ ୪୬ଟି ପଦକ ହାସଲ କରିଛନ୍ତି । ଖେଳାଳିମାନଙ୍କ ଏହି ସଫଳତାପାଇଁ ରାଜ୍ୟ ସରକାର ପୁରସ୍କାର ରାଶି ଘୋଷଣା କରିଛନ୍ତି । ଜାତୀୟ କ୍ରୀଡ଼ାରେ ସ୍ୱର୍ଣ୍ଣପଦକ ହାସଲ କରିଥିବା ଖେଳାଳିମାନଙ୍କୁ ୬ ଲକ୍ଷ ଟଙ୍କା, ରୌପ୍ୟ ପଦକ ପାଇଁ ୪ ଲକ୍ଷ ଏବଂ କାଂସ୍ୟ ପଦକପାଇଁ ୩ ଲକ୍ଷ ଟଙ୍କା ଲେଖାଏଁ ପୁରସ୍କାର ରାଶି ପ୍ରଦାନ କରାଯିବ ।

*Desk*

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ ତାପମାତ୍ରା ୨ରୁ ୩ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ରାଜ୍ୟରେ ଆସନ୍ତା ୧୮ ତାରିଖ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବ । ତେବେ ପଶ୍ଚିମା ଝଡ଼ର ପ୍ରଭାବରେ ୧୯ ତାରିଖରୁ କେତେକ ସ୍ଥାନରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି ।

ଅପରପକ୍ଷରେ ଆସନ୍ତା ଦୁଇଦିନ ପର୍ଯ୍ୟନ୍ତ ରାଜ୍ୟର କେତେକ ସ୍ଥାନରେ କୁହୁଡ଼ି ହେବାର ସମ୍ଭାବନା ରହିଛି।